# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
**22 February – 2026**

---

## ମନ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ପୂର୍ବାହ୍ନ ୧୧ଟାରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ମନ୍ କି ବାତ'ର ୧୩୧ତମ ସଂସ୍କରଣ ହେବ। କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟର ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁନଃ ରାତି ୮ଟାରେ ପ୍ରସାରଣ କରାଯିବ।

---

## ମୁଖ୍ୟମନ୍ତ୍ରୀ-ପ୍ରକଳ୍ପ ମଞ୍ଜୁରୀ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଗତକାଲି ଲୋକସେବା ଭବନରେ ୪୪ତମ ହାଇଲେବଲ କ୍ଲିୟରାନ୍ସ ଅଥରିଟି ବୈଠକରେ ୪୪ହଜାର ୨୦୦ କୋଟି ଟଙ୍କାର ୧୦ଟି ପ୍ରକଳ୍ପକୁ ମଞ୍ଜୁରୀ ମିଳିଛି । ରାଜ୍ୟର ୮ଟି ଜିଲ୍ଲାରେ ଏହି ପ୍ରକଳ୍ପ ସ୍ଥାପନ ହେବାଦ୍ୱାରା ୯ହଜାର ନିଯୁକ୍ତି

ସୁଯୋଗ ସୃଷ୍ଟି ହେବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ପ୍ରକଳ୍ପ ମୁଖ୍ୟତଃ ଖୋର୍ଦ୍ଧା, କୋରାପୁଟ, ମାଲକାନଗିରି, ଢ଼େଙ୍କାନାଳ, ପୁରୀ, ନୟାଗଡ, କଳାହାଣ୍ଡି ଓ ଦେବଗଡରେ ପ୍ରତିଷ୍ଠା କରାଯିବ । ରେୟାର ଆର୍ଥ ମ୍ୟାନୁଫାକ୍ଚରିଂ, ସେମିକଣ୍ଡକ୍ଟର, ସିମେଣ୍ଟ, ଅଟୋମୋବାଇଲ, ଟେଲିକମ ଭିତ୍ତିଭୂମି ଏବଂ ନବୀକରଣୀୟ ଶକ୍ତି କ୍ଷେତ୍ରରେ ନିବେଶ ପ୍ରସ୍ତବ ରହିଛି ।

## ଏଆଇ ସମ୍ମିଳନୀ ଉଦ୍‌ଯାପିତ

ଦିଲ୍ଲୀ ଘୋଷଣାନାମା ଗୃହୀତ ହେବା ସହ ଗତକାଲି ନୂଆଦିଲ୍ଲୀର ଭାରତ ମଣ୍ଡପମ୍‌ଠାରେ ଆୟୋଜିତ ହୋଇଥିବା କୃତ୍ରିମ ବୁଦ୍ଧିମତା ପ୍ରଭାବ ସମ୍ମିଳନୀ ଉଦ୍‌ଯାପିତ ହୋଇଯାଇଛି । ଆମେରିକା, ବ୍ରିଟେନ୍, ଚାଇନା ଏବଂ ଫ୍ରାନ୍ସ ସମେତ ୮୮ଟି ଦେଶ ଏବଂ ଅନ୍ତର୍ଜାତୀୟ ସଂଗଠନ ଏହି ଘୋଷଣାନାମାକୁ ସମର୍ଥନ କରିଛନ୍ତି । ସର୍ବଜନ ହିତାୟ ସର୍ବଜନ ସୁଖାୟ ସିଦ୍ଧାନ୍ତ ଦ୍ୱାରା ଅନୁପ୍ରାଣିତ ଏହି ଘୋଷଣାନାମା ମାନବଜାତିକୁ ସହାୟ ହେବ ବୋଲି ମତପ୍ରକାଶ ପାଇଛି ।

## ପ୍ରଶିକ୍ଷଣ ଶିବିର

ସରକାରୀ କାର୍ଯ୍ୟରେ ଓଡ଼ିଆ ଭାଷାର ବ୍ୟବହାର ପାଇଁ ଓଡ଼ିଆ ଭାଷା ପ୍ରତିଷ୍ଠାନ ପକ୍ଷରୁ ଭୁବନେଶ୍ୱର ସଂସ୍କୃତି ଭବନଠାରେ ଏକ ପ୍ରଶିକ୍ଷଣ ଶିବିର ଆୟୋଜିତ ହୋଇଯାଇଛି । ଶିବିରରେ ଓଡ଼ିଆ ଲିଖନ କୌଶଳ, ବାକ୍ୟଗଠନ, ଚିଠା ଓ ଟିପ୍ପଣୀ ପ୍ରସ୍ତୁତ, ପ୍ରଶାସନିକ ପ୍ରୟୋଗ ଏବଂ ଓସ୍ୱାସରେ ସରକାରୀ କାର୍ଯ୍ୟ ସମ୍ପାଦନ ଆଦିକୁ ନେଇ ପ୍ରଶିକ୍ଷଣ ପ୍ରଦାନ

କରାଯାଇଥିଲା । ଏଥିରେ ସରକାରଙ୍କ ୧୩ଟି ବିଭାଗରୁ ୧୦୦ଜଣ ସରକାରୀ ଅଧିକାରୀ ଯୋଗ ଦେଇଥିଲେ ।

## ବିଶ୍ୱ ମାତୃଭାଷା ଦିବସ ପାଳିତ

ଭୁବନେଶ୍ୱରସ୍ଥିତ ସଂସ୍କୃତି ଭବନ ସମ୍ମିଳନୀ କକ୍ଷରେ ଗତକାଲି ଆନ୍ତର୍ଜାତୀୟ ମାତୃଭାଷା ଦିବସ ପାଳିତ ହୋଇଯାଇଛି । କାର୍ଯ୍ୟକ୍ରମରେ ମାତୃଭାଷା ଓଡ଼ିଆ ଭାଷାର ପ୍ରଚାର ଓ ପ୍ରସାର ନିମନ୍ତେ ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା କରାଯାଇଥିଲା । ଆଗାମୀ ଦିନରେ ଓଡ଼ିଆ ସାହିତ୍ୟରେ ଉଚ୍ଚକୋଟୀର ଗବେଷଣା ହେବାର ଆବଶ୍ୟକତା ରହିଛି । ରାଜ୍ୟର ଯୁବପିଢ଼ୀ ଓଡ଼ିଆ ଭାଷାକୁ ବିଶ୍ୱବିଦିତ କରିବା ଦିଗରେ ନିଜର ବହୁମୂଲ୍ୟ ଯୋଗଦାନ ଦେଇ ବିକଶିତ ଓ ସମୃଦ୍ଧ ଓଡ଼ିଶା ଗଠନର ଲକ୍ଷ୍ୟକୁ ପୂରଣ କରିପାରିବେ ବୋଲି ବିଶିଷ୍ଟ ଭାଷାବିତ୍‌ମାନେ ମତବ୍ୟକ୍ତ କରିଥିଲେ ।

## ରେଙ୍ଗାଲି ଜଳସେଚନ-ବୈଠକ

ଜଳସମ୍ପଦ ବିଭାଗର ପ୍ରମୁଖ ଶାସନ ସଚିବ ଶୁଭା ଶର୍ମାଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ବିଭାଗୀୟ ସମ୍ମିଳନୀ କକ୍ଷରେ ରେଙ୍ଗାଲି ଜଳସେଚନ ପ୍ରକଳ୍ପ ଦ୍ୱିତୀୟ ପର୍ଯ୍ୟାୟର ସପ୍ତମ ପ୍ରକଳ୍ପ ପରିଚାଳନା କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ପ୍ରକଳ୍ପ ଅଧୀନରେ ଥିବା ସମୁଦାୟ ୩୯ହଜାର ୪୧୬ ହେକ୍ଟର ଅଞ୍ଚଳରେ ଜଳ ପରିଚାଳନା ବ୍ୟବସ୍ଥାକୁ ସୁନିଶ୍ଚିତ କରିବା ଲକ୍ଷ୍ୟରେ ପାଣି ପଞ୍ଚାୟତ ଗୁଡ଼ିକର ଦକ୍ଷତା ବୃଦ୍ଧି ଉପରେ ଗୁରୁତ୍ୱାରୋପ କରାଯାଇଥିଲା ।

## ୟୁଥ୍ ପାର୍ଲ୍ୟାମେଣ୍ଟ

କେନ୍ଦ୍ରାପଡା ସାନ୍ଧ୍ୟ ସ୍ନାତକ ମହାବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ବିକଶିତ ଭାରତ ୟୁଥ୍ ପାର୍ଲ୍ୟାମେଣ୍ଟ ଆୟୋଜନ ନେଇ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ସମ୍ମିଳନୀରେ କାର୍ଯ୍ୟକ୍ରମର ଆୟୋଜନ ସମ୍ପର୍କରେ ବିସ୍ତୃତ ଆଲୋଚନା କରାଯାଇଥିଲା । ଆସନ୍ତା ୨୫ ତାରିଖ ବୁଧବାର ଦିନ ଆୟୋଜିତ ହେବାକୁ ଥିବା ଏହି କାର୍ଯ୍ୟକ୍ରମରେ ୨୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଯୋଗଦେବେ ।

## ସୁରକ୍ଷା କମିଟି ବୈଠକ

ସୁବର୍ଣ୍ଣପୁର ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ସଡ଼କ ସୁରକ୍ଷା କମିଟି ବୈଠକ ଅତିରିକ୍ତ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଜିଲ୍ଲାରେ ଘଟୁଥିବା ଦୁର୍ଘଟଣା ହ୍ରାସ ଓ ଶୂନ୍ୟ ମୃତାହତ ସମ୍ପର୍କରେ ନିଆଯାଇଥିବା ପଦକ୍ଷେପ ଉପରେ ସମୀକ୍ଷା କରାଯାଇଥିଲା ।

## କୌଶଳ କାର୍ଯ୍ୟକ୍ରମ

ମାଲକାନଗିରି ଏଫ୍‌ଏଲ୍‌ସି ସଭାଗୃହଠାରେ ଜିଲ୍ଲା ସମାଜ କଲ୍ୟାଣ ବିଭାଗ ପକ୍ଷରୁ କିଶୋରୀ ବାଳିକାଙ୍କ ପାଇଁ ଜିଲ୍ଲାସ୍ତରୀୟ କୌଶଳ ତାଲିମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କିଶୋରୀମାନଙ୍କ ନିମନ୍ତେ ସାକ୍ଷରତା, ସାଇବର ସୁରକ୍ଷା ଏବଂ ସେମାନଙ୍କୁ ସଶକ୍ତ କରିବା ଉପରେ ଉପସ୍ଥିତ ବକ୍ତାମାନେ ଆଲୋଚନା କରିଥିଲେ ।

## ସଚେତନତା କାର୍ଯ୍ୟକ୍ରମ

ନୟାଗଡ ଜିଲ୍ଲା ପଞ୍ଚାୟତ ସମିତି ସଭାଗୃହରେ ବ୍ଲକସ୍ତରୀୟ ମହିଳା ଆଇନ୍ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମହିଳା ସଶକ୍ତିକରଣ ଓ ସେମାନଙ୍କ ଆଇନ୍‌ଗତ ଅଧିକାର ସମ୍ପର୍କରେ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା ।

---

## କର୍ମଶାଳା

ମାଲକାନଗିରି ଜିଲ୍ଲା ପ୍ରଶାସନ ତଥା ଜିଲ୍ଲା ସମାଜ ମଙ୍ଗଳ ବିଭାଗ ଆନୁକୂଲ୍ୟରେ ଆମେ ପଢ଼ିବା ଆମ ଭାଷାରେ ଜିଲ୍ଲାସ୍ତରୀୟ କର୍ମଶାଳା, ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟଙ୍କ ନିର୍ଦ୍ଦେଶକ୍ରମେ ଅନୁଷ୍ଠିତ ହୋଇଯାଇଛି । ଜନଜାତିବହୁଳ ଏହି ଜିଲ୍ଲାରେ ନିଜ ଭାଷାରେ ପିଲାମାନଙ୍କ ପାଠପଢ଼ା ପ୍ରତି ଆଗ୍ରହ ସୃଷ୍ଟି କରିବା ଉପରେ ଉପସ୍ଥିତ ବକ୍ତାମାନେ ମତବ୍ୟକ୍ତ କରିଥିଲେ ।

---

## ପ୍ରସ୍ତୁତି ବୈଠକ

ନୟାଗଡ ଓ ମାଲକାନଗିରି ଜିଲ୍ଲାରେ ସମ୍ଭାବ୍ୟ ଗ୍ରୀଷ୍ମ ପ୍ରଭାବଜନିତ ପରିସ୍ଥିତିର ମୁକାବିଲା ନିମନ୍ତେ ଜିଲ୍ଲାସ୍ତରୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ସହରାଞ୍ଚଳ ଓ ଗ୍ରାମାଞ୍ଚଳରେ ପାନୀୟଜଳ ଯୋଗାଣକୁ ଅଧିକ କ୍ରିୟାଶୀଳ କରିବା, ନିରବଚ୍ଛିନ୍ନ ବିଦ୍ୟୁତ୍ ସେବା ଏବଂ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଗୁଡ଼ିକରେ ଅଂଶୁଘାତ ପାଇଁ ସ୍ୱତନ୍ତ୍ର ପ୍ରକୋଷ୍ଠ ବ୍ୟବସ୍ଥା ଉପରେ ଆଲୋଚନା ହୋଇଥିଲା ।

---

# ପାଣିପାଗ

ରାଜ୍ୟରେ ଦିନ ତାପମାତ୍ରା ବୃଦ୍ଧି ପାଇବାରେ ଲାଗିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଗତ ୨୪ଘଣ୍ଟାରେ ୫ଟି ସ୍ଥାନରେ ସର୍ବାଧିକ ତାପମାତ୍ରା ୩୫ ଡିଗ୍ରୀ ଉପରେ ରେକର୍ଡ କରାଯାଇଛି । ଅନ୍ୟପକ୍ଷରେ ଆସନ୍ତାକାଲି ୧୫ଟି ଜିଲ୍ଲାରେ ବିଜୁଳି ଘଡଘଡି ସହ ହାଲୁକାରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ରହିଛି ।